# ବଲାଙ୍ଗୀରରେ ଓଡ଼ିଆ ଯୁବ ଲେଖକ ସମ୍ମିଳନୀ



ଆୟୋଜିତ ଓଡ଼ିଆ ଯୁବ ଲେଖକ ସମ୍ମିଳନୀରେ ମଞ୍ଚାସୀନ ଅତିଥି ।

ବଲାଙ୍ଗୀର, ୧୦।୯
(ବୀରେନ୍ଦ୍ର କୁମାର ଝାଙ୍କର)

କେନ୍ଦ୍ର ସାହିତ୍ୟ ଅକାଦେମୀ ଏବଂ ସାରସ୍ୱତ ଅନୁଷ୍ଠାନ ରଚନାର ମିଳିତ ଆନୁକୂଲ୍ୟରେ ବଲାଙ୍ଗୀର ପତିତପାବନ ଏକାଡେମୀ ସଭାଗୃହରେ ଓଡ଼ିଆ ଯୁବ ଲେଖକ ସମ୍ମିଳନୀ ରବିବାର ଅନୁଷ୍ଠିତ ହୋଇଥିଲା । ଉଦ୍ଘାଟନୀ ଅଧିବେଶନରେ ସାହିତ୍ୟ ଅକାଦେମୀର ସାଧାରଣ ପରିଷଦ ସଦସ୍ୟ ବିଜୟ କୁମାର ଶତପଥୀ ସଭାପତିତ୍ୱ କରିଥିଲେ । ସାହିତ୍ୟ ଅକାଦେମୀର ସହସମ୍ପାଦକ କ୍ଷେତ୍ରବାସୀ ନାଏକ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ । ଅଧିବେଶନକୁ ଉଦ୍ଘାଟନ କରିଥିଲେ ବିଶିଷ୍ଟ ଲେଖକ ତଥା ସମାଲୋଚକ କାଳିଦାସ ମିଶ୍ର । ଅକାଦେମି ଓଡ଼ିଆ ଉପଦେଷ୍ଟା ମଣ୍ଡଳୀ ସଦସ୍ୟ ମନୋଜ କୁମାର ପଣ୍ଡା ପ୍ରାରମ୍ଭିକ ସୂଚନା ଦେଇଥିଲେ । ରଚନା ସଭାପତି ସନାତନ ଠାକୁର ଧନ୍ୟବାଦ ଅର୍ପଣ କରିଥିଲେ ।

ପ୍ରଥମ ଅଧିବେଶନରେ କ୍ଷୁଦ୍ରଗଳ୍ପ ପାଠ କାର୍ଯ୍ୟକ୍ରମ ରହିଥିବା ବେଳେ ଗାଳ୍ପିକ ପ୍ରଦୀପ କୁମାର ମିଶ୍ର ସଭାପତିତ୍ୱ କରିଥିଲେ । ଯୁବ ଗାଳ୍ପିକ ବିଶ୍ୱନାଥ ସାହୁ, ଜଗନ୍ନାଥ ସାହୁ ଓ ଶ୍ରୁତକୀର୍ତ୍ତି ତ୍ରିପାଠୀ ଗଳ୍ପ ପାଠ କରିଥିଲେ । ଦ୍ୱିତୀୟ ଅଧିବେଶନରେ ମୁଁ କାହିଁକି ଲେଖେ ଶୀର୍ଷକରେ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା । କବି ଭାଗୀରଥି ମିଶ୍ରଙ୍କ ସଭାପତିତ୍ୱରେ ଆୟୋଜିତ ଅଧିବେଶନରେ ମୁଁ କାହିଁକି ଲେଖେ ପ୍ରଶ୍ନର ଉତ୍ତର ରଖିଥିଲେ କବି ଆନନ୍ଦ ଚନ୍ଦ୍ର ସାହୁ, ଲକ୍ଷ୍ମୀନାରାୟଣ ହୋତା, ମୁକୁଳ ମିଶ୍ର, ସଞ୍ଜୟ କୁମାର ମିଶ୍ର ଓ ସ୍ୱାଗତିକା ସ୍ୱାଇଁ । ଏହାପରେ ତୃତୀୟ ଅଧିବେଶନରେ ଆରମ୍ଭ ହୋଇଥିଲା କବିତା ପାଠ । ଏହି ଅଧିବେଶନରେ ସଭାପତିତ୍ୱ କରିଥିଲେ କବି ପ୍ରହ୍ଲାଦ ଶତପଥୀ । କବି ଆଶିଷ କୁମାର ମିଶ୍ର, ଜୟଦ୍ରଥ ସୁନା, ମହେଶ୍ୱର ପ୍ରଧାନ, ମମତା ପ୍ରିୟଦର୍ଶିନୀ ସାହୁ, ମୃଗେଶ ବୈଷ୍ଣବ ପାଣିଗ୍ରାହୀ ଓ ପୁଷ୍ପଦୀପା ଖମାରୀ କବିତା ପାଠ କରିଥିଲେ । ଏହି କାର୍ଯ୍ୟକ୍ରମରେ ସହରର ବହୁ ସାହିତ୍ୟିକ, ସାହିତ୍ୟ ପ୍ରେମୀ ଓ ବୁଦ୍ଧିଜୀବୀ ଅଂଶଗ୍ରହଣ କରିଥିଲେ ।